# REGIONAL NEWS UNIT, AIR CUTTACK

## Morning Bulletin (7.05 AM)

**26 July – 2025**

**************************************************************

# ମୁଖ୍ୟମନ୍ତ୍ରୀ-ବୟନଶିଳ୍ପ

ରାଜ୍ୟକୁ ଦେଶର ପ୍ରମୁଖ ବୟନଶିଳ୍ପ କ୍ଷେତ୍ର ଭାବେ ଗଠନ କରିବାକୁ ସରକାର ଲକ୍ଷ୍ୟ ରଖିଛନ୍ତି ବୋଲି ମୁଖ୍ୟମନ୍ତ୍ରୀ ମୋହନ ଚରଣ ମାଝୀ କହିଛନ୍ତି । ଭୁବନେଶ୍ୱର ଲୋକସେବା ଭବନରେ ଓଡ଼ିଶା ଟେକ୍ସ ୨୦୨୫ ଶିଳ୍ପ ସମ୍ମିଳନୀକୁ ଉଦ୍‌ଘାଟନ କରି ମୁଖ୍ୟମନ୍ତ୍ରୀ କହିଛନ୍ତି ଏହି ସମ୍ମିଳନୀ ମାଧ୍ୟମରେ ୭ହଜାର ୮୦୮କୋଟି ଟଙ୍କା ମୂଲ୍ୟର ୩୩ଟି ବୁଝାମଣାପତ୍ର ସ୍ୱାକ୍ଷର ହୋଇଥିବାବେଳେ ୫୩ହଜାର ୩୦୦ଟି ନିଯୁକ୍ତି ସୁଯୋଗ ସୃଷ୍ଟି ହୋଇଛି ।

**V/O (CM)**

# ଅକ୍ଷୟଶକ୍ତି ପ୍ରକଳ୍ପ-ମଞ୍ଜୁରୀ ପ୍ରଦାନ

ରାଜ୍ୟ ସରକାର ୮ଶହ ଅଣସ୍ତରୀ କୋଟିରୁ ଅଧିକ ଟଙ୍କା ବିନିଯୋଗରେ ୧୭୮ ମେଗାୱାଟ କ୍ଷମତା ବିଶିଷ୍ଟ ଅକ୍ଷୟଶକ୍ତି ପ୍ରକଳ୍ପ ସ୍ଥାପନ ପାଇଁ ମଞ୍ଜୁରୀ ପ୍ରଦାନ କରିଛନ୍ତି । ଶକ୍ତି ବିଭାଗ ପ୍ରମୁଖ ଶାସନ ସଚିବ ବିଶାଲ କୁମାର ଦେବଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ ଦ୍ୱାଦଶ ଏକକ ବାତାୟନ କମିଟି ବୈଠକରେ ଗ୍ରହଣ କରାଯାଇଥିବା ନିଷ୍ପତ୍ତି ଅନୁଯାୟୀ ସୁବର୍ଣ୍ଣପୁର, କେନ୍ଦୁଝର, ଝାରସୁଗୁଡା ଓ ନବରଙ୍ଗପୁରରେ ଏହିସବୁ ପ୍ରକଳ୍ପଗୁଡ଼ିକ ସ୍ଥାପନ କରାଯିବ । ଏପର୍ଯ୍ୟନ୍ତ ଏକକ ବାତାୟନ କମିଟି ମାଧ୍ୟମରେ ୧ ହଜାର ୮୪୪ ଦଶମିକ ୮/୬

ମେଗାୱାଟ କ୍ଷମତା ବିଶିଷ୍ଟ ଅକ୍ଷୟଶକ୍ତି ପ୍ରକଳ୍ପ ପାଇଁ ୧୨ହଜାର ୫୯୯ କୋଟିରୁ ଅଧିକ ଟଙ୍କାର ବିନିଯୋଗ ପ୍ରସ୍ତାବକୁ ରାଜ୍ୟ ସରକାର ଅନୁମୋଦନ ଦେଇସାରିଛନ୍ତି ।

## ଜନଶୁଣାଣି

ଆସନ୍ତା ଜୁଲାଇ ୨୮ ତାରିଖ ସୋମବାର ଦିନ ମୁଖ୍ୟମନ୍ତ୍ରୀଙ୍କ ଜନ ଅଭିଯୋଗ ଶୁଣାଣି ଅନୁଷ୍ଠିତ ହେବ । ଏଥିଲାଗି ଏକହଜାର ଜଣ ଆବେଦନକାରୀ ଅନ୍‌ଲାଇନ୍ ଜରିଆରେ ନାମ ପଞ୍ଜିକରଣ କରିଛନ୍ତି । ସେହିଦିନ ସକାଳ ୮ଟାରୁ ଭୁବନେଶ୍ୱର ୟୁନିଟ୍-୨ ଅଶୋକନଗର ସ୍ଥିତ ପୂର୍ବତନ ସରକାରୀ ପ୍ରାଥମିକ ବିଦ୍ୟାଳୟରେ ମୁଖ୍ୟମନ୍ତ୍ରୀ ଜନସାଧାରଣଙ୍କ ବିଭିନ୍ନ ଅଭିଯୋଗର ଶୁଣାଣି କରିବେ ।

## ବାଣିଜ୍ୟ ରାଜିନାମା ସ୍ୱାକ୍ଷରିତ

ଭାରତ ଏବଂ ବ୍ରିଟେନ ମଧ୍ୟରେ ମୁକ୍ତ ବାଣିଜ୍ୟ ରାଜିନାମା ସ୍ୱାକ୍ଷରିତ ହେବା ପରେ ଓଡ଼ିଶା ସମେତ ଦେଶର ଉପକୂଳବର୍ତ୍ତୀ ରାଜ୍ୟଗୁଡ଼ିକ ପାଇଁ ବ୍ୟବସାୟର ସମ୍ଭାବନା ସୃଷ୍ଟି ହୋଇଛି । ବିଶେଷକରି ସାମୁଦ୍ରିକ ଖାଦ୍ୟ ଏବଂ ହସ୍ତଶିଳ୍ପ ସାମଗ୍ରୀ ରପ୍ତାନୀ କ୍ଷେତ୍ରରେ ଏହି ରାଜିନାମା ଓଡ଼ିଶାର ରପ୍ତାନୀ ଶିଳ୍ପକୁ ପ୍ରୋତ୍ସାହନ ଯୋଗାଇବ । ପାରାଦ୍ୱୀପ ଏବଂ ବାଲେଶ୍ୱର ଭଳି ସ୍ଥାନରୁ ସାମୁଦ୍ରିକ ଖାଦ୍ୟ ସାମଗ୍ରୀର ରପ୍ତାନୀ ବୃଦ୍ଧି ପାଇବା ସହ ସ୍ଥାନୀୟ ଅଞ୍ଚଳର ମତ୍ସ୍ୟଜୀବୀ ଓ ମତ୍ସ୍ୟପାଳନ ଉଦ୍ୟୋଗ ଲାଭାନ୍ୱିତ ହୋଇପାରିବ ବୋଲି ଜଣାପଡିଛି ।

# ଖସାପଡ଼ା ଲାଗି

ଚଳିତମାସ ୨୮ ତାରିଖ ସୋମବାର ଶ୍ରାବଣ ଶୁକ୍ଳପକ୍ଷ ଚତୁର୍ଥୀ ତିଥିରେ ପୁରୀ ଶ୍ରୀମନ୍ଦିରରେ ଶ୍ରୀବିଗ୍ରହମାନଙ୍କର ଖସାପଡ଼ା ଲାଗି ନୀତି ଅନୁଷ୍ଠିତ ହେବ । ଦ୍ୱିତୀୟ ଭୋଗମଣ୍ଡପ ଭୋଗ ନୀତି ଶେଷ ହେବା ପରେ ଏହି ଗୁପ୍ତନୀତି ଅନୁଷ୍ଠିତ ହେବାକୁ ଥିବାରୁ ସେହିଦିନ ସଂଧ୍ୟା ୬ଟାରୁ ରାତି ୧୦ଟା, ୪ ଘଣ୍ଟା ପର୍ଯ୍ୟନ୍ତ ସର୍ବସାଧାରଣ ଦର୍ଶନ ବନ୍ଦ ରହିବ ବୋଲି ଶ୍ରୀମନ୍ଦିର ପ୍ରଶାସନ ପକ୍ଷରୁ ସୂଚନା ଦିଆଯାଇଛି ।

# ଭିଜିଲାନ୍ସ ଚଢ଼ଉ

ଆୟ ବର୍ହିଭୂତ ସମ୍ପତ୍ତି ଠୁଳ ମାମଲାରେ ଜୟପୁର ବନ ବିଭାଗର ଡେପୁଟୀ ରେଞ୍ଜର ରାମଚନ୍ଦ୍ର ନେପାକଙ୍କ କାର୍ଯ୍ୟାଳୟ ଓ ବାସଗୃହରୁ ଭିଜିଲାନ୍ସ ବିଭାଗ ୧ କୋଟି ୪୩ଲକ୍ଷ ୩୪ହଜାର ନଗଦ ଟଙ୍କା ସହ ଦେଢ଼ କିଲୋଗ୍ରାମ ସୁନା ଏବଂ ୪ କିଲୋଗ୍ରାମରୁ ଅଧିକ ରୂପା ଠାବ କରିଛି । ଭିଜିଲାନ୍ସ ପକ୍ଷରୁ ଚଢ଼ଉ ଜାରି ରହିଥିବା ଜଣାପଡିଛି ।

# ପ୍ରଶିକ୍ଷଣ କାର୍ଯ୍ୟକ୍ରମ

ଭଦ୍ରକ ଜିଲ୍ଲା ସଂସ୍କୃତି ଭବନଠାରେ ଜିଲ୍ଲାସ୍ତରୀୟ ଆଭ୍ୟନ୍ତରୀଣ ଅଭିଯୋଗ କମିଟି ଓ ଜିଲ୍ଲା ପ୍ରଶାସନ ପକ୍ଷରୁ କର୍ମକ୍ଷେତ୍ରରେ ଯୌନ ନିର୍ଯାତନା ଆଇନ୍ ସମ୍ପର୍କରେ ଏକ ପ୍ରଶିକ୍ଷଣ କାର୍ଯ୍ୟକ୍ରମ ଅନୁଷ୍ଠିତ ହୋଇଯାଇଛି । ଜିଲ୍ଲାପାଳ ଦିଲ୍ଲୀପ ରାଉତରାୟଙ୍କ ଅଧ୍ୟକ୍ଷତାରେ ଅନୁଷ୍ଠିତ କାର୍ଯ୍ୟକ୍ରମରେ ମହିଳାଙ୍କ ପ୍ରତି

ହେଉଥିବା ଅତ୍ୟାଚାର ବିରୋଧରେ ଦୃଢ଼ କାର୍ଯ୍ୟାନୁଷ୍ଠାନ ଗ୍ରହଣ କରାଯିବା ଉପରେ ଆଲୋଚକମାନେ ଗୁରୁତ୍ୱାରୋପ କରିଛନ୍ତି ।

## ମାଓ ସାମଗ୍ରୀ ଜବତ

ନୂଆପଡା ଜିଲ୍ଲା କାଠଫାର ଏବଂ ଛତାପାନି ଜଙ୍ଗଲରେ ଜିଲ୍ଲା ପୁଲିସ ଏବଂ ସିଆର୍‌ପିଏଫ୍ ଜବାନଙ୍କ ମିଳିତ ଅଭିଯାନରେ ମାଓଶିବିର ଠାବ ହେବା ସହ ବିପୁଳ ମାଓସାମଗ୍ରୀ ଜବତ କରାଯାଇଛି । ଜିଲ୍ଲା ଆରକ୍ଷୀ ଅଧୀକ୍ଷକଙ୍କ ସୂଚନା ଅନୁଯାୟୀ ମାଓ ଶିବିରରୁ ଦେଶୀ ବନ୍ଧୁକ, ଜେଲୋଟିନ୍ ଷ୍ଟିକ୍ ଓ ଡେଟୋନେଟର ପ୍ରଭୃତି ଜବତ କରାଯାଇଛି ।

## ପ୍ରସ୍ତୁତି ବୈଠକ

ଗଞ୍ଜାମ ଜିଲ୍ଲାରେ ଅଣାଅଶୀତମ ସ୍ୱାଧୀନତା ଦିବସ ପାଳନ ନିମନ୍ତେ ଉପ ଜିଲ୍ଲାପାଳଙ୍କ ଅଧ୍ୟକ୍ଷତାରେ ପ୍ରସ୍ତୁତି ବୈଠକ ଅନୁଷ୍ଠିତ ହୋଇଯାଇଛି । ସମସ୍ତ ସରକାରୀ ଓ ବେସରକାରୀ ଅନୁଷ୍ଠାନ ଗୁଡ଼ିକ ସକାଳ ୭ଟାରେ ପତାକା ଉତ୍ତୋଳନ କରିବା ପାଇଁ ବୈଠକରେ ନିଷ୍ପତ୍ତି ହୋଇଛି । ସ୍ୱାଧୀନତା ଦିବସ ପୂର୍ବରୁ ଅଗଷ୍ଟ ୧୧, ୧୨ ଓ ୧୩ ତାରିଖରେ ଅଭ୍ୟାସ କାର୍ଯ୍ୟକ୍ରମ ଆୟୋଜନ ନିମନ୍ତେ ସମୟ ସ୍ଥିର କରାଯାଇଛି ।

ଖୋର୍ଦ୍ଧା ଜିଲ୍ଲାସ୍ତରୀୟ ସ୍ୱାଧୀନତା ଦିବସ ପାଇଁ ଅନୁଷ୍ଠିତ ପ୍ରସ୍ତୁତି ବୈଠକରେ ବିଦ୍ୟାଳୟର ଛାତ୍ରଛାତ୍ରୀମାନଙ୍କ ମଧ୍ୟରେ ବିଭିନ୍ନ ପ୍ରତିଯୋଗିତା ଆୟୋଜନ ଲାଗି ନିଷ୍ପତ୍ତି ହୋଇଛି । ଜିଲ୍ଲାସ୍ତରୀୟ ମୁଖ୍ୟ ଉତ୍ସବ ବିଜେବି ଉଚ୍ଚ ବିଦ୍ୟାଳୟ ପଡ଼ିଆରେ ଅନୁଷ୍ଠିତ ହେବ ବୋଲି ଜଣାପଡିଛି ।

# ପାଣିପାଗ

ଉତ୍ତର ବଙ୍ଗୋପସାଗରରେ ସକ୍ରିୟ ଲଘୁଚାପ କ୍ଷେତ୍ର ଅବପାତରେ ପରିଣତ ହୋଇଛି । ଏହାର ପ୍ରଭାବରେ ରାଜ୍ୟର ବିଭିନ୍ନ ସ୍ଥାନରେ ପ୍ରବଳ ବର୍ଷା ହେବା ନେଇ ଭୁବନେଶ୍ୱର ଆଞ୍ଚଳିକ ପାଣିପାଗ ବିଜ୍ଞାନ କେନ୍ଦ୍ର ସୂଚନା ଦେଇଛି । ପ୍ରବଳ ବର୍ଷା ନେଇ କେନ୍ଦୁଝର ଓ ମୟୂରଭଞ୍ଜ ସମେତ ୨୮ଟି ଜିଲ୍ଲାକୁ ସତର୍କ ସୂଚନା ଜାରି କରାଯାଇଛି । ଆସନ୍ତା ୫ ଦିନ ପର୍ଯ୍ୟନ୍ତ ମତ୍ସ୍ୟଜୀବୀମାନଙ୍କୁ ସମୁଦ୍ର ମଧ୍ୟକୁ ଯିବାକୁ ବାରଣ କରାଯାଇଛି । ପ୍ରବଳ ବର୍ଷାକୁ ଦୃଷ୍ଟିରେ ରଖି ଜଳବନ୍ଦୀ ପରିସ୍ଥିତି ସୃଷ୍ଟି ହେବା ସମ୍ଭାବନା ଥିବାରୁ ଆଜି କଟକ ଜିଲ୍ଲାର ସମସ୍ତ ସରକାରୀ ଅଧିକାରୀ ଓ କର୍ମଚାରୀଙ୍କୁ ମୁଖ୍ୟାଳୟରେ ଉପସ୍ଥିତ ରହିବାକୁ ଜିଲ୍ଲାପାଳ ନିର୍ଦ୍ଦେଶ ଦେଇଛନ୍ତି ।

ଆଜି ସକାଳ ୬ଟା ୩୦ ମିନିଟ୍ ସୁଦ୍ଧା ହୀରାକୁଦ ଜଳଭଣ୍ଡାରରୁ ୨୦ଟି ଗେଟ୍ ଦେଇ ବନ୍ୟାଜଳ ନିଷ୍କାସନ ଜାରି ରହିଛି । ପ୍ରତି ସେକେଣ୍ଡରେ ଜଳଭଣ୍ଡାରକୁ ୪ ଲକ୍ଷ ୨୭ ହଜାର ୫୬୬ ଘନଫୁଟ ଜଳ ପ୍ରବେଶ କରୁଥିବାବେଳେ ସେହି ସମୟ ମଧ୍ୟରେ ୩ ଲକ୍ଷ ୩୫ ହଜାର ୭୦୩ ଘନଫୁଟ ଜଳ ନିଷ୍କାସନ କରାଯାଉଛି ।